ମହାଭାରତ
Mahabharat
RNI Regd. No.: ODIODI/2006/83863
Website : www.mahabharataepaper.com
ODIA DAILY

Mahabharat

# ଗାୟତ୍ରୀବାଳା ପଣ୍ଡା ପାଇଲେ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କାର

ନୂଆଦିଲ୍ଲୀ, ୧୧।୩: କବିତା ସଂକଳନ 'ଦୟାନଦୀ' ପାଇଁ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କାର ଗ୍ରହଣ କରିଛନ୍ତି କବୟତ୍ରୀ ଡ. ଗାୟତ୍ରୀବାଳା ପଣ୍ଡା। ଗତବର୍ଷ ଡିସେମ୍ବର ମାସରେ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ଏହା ଘୋଷଣା କରାଯାଇଥିବା ବେଳେ ଆ।ଜି ଏହି ପୁରସ୍କାର ପ୍ରଦାନ କରାଯାଇଛି। କେନ୍ଦ୍ର ସାହିତ୍ୟ ଏକାଡେମୀର ସଭାପତି ମାଧବ କୌଶିକ କବୟତ୍ରୀ ଡ. ଗାୟତ୍ରୀବାଳା ପଣ୍ଡାଙ୍କୁ ଏହି ମର୍ଯ୍ୟାଦାଜନକ ପୁରସ୍କାର ପ୍ରଦାନ କରିଛନ୍ତି। ପୁରସ୍କାର ସ୍ୱରୂପ ୧,୦୦,୦୦୦ ଟଙ୍କାର ଅର୍ଥରାଶି ଓ ତାମ୍ର ଫଳକ ସ୍ୱତନ୍ତ୍ର ଉତ୍ସବରେ ପ୍ରଦାନ କରାଯାଇଛି। ସେହିପରି ଅନ୍ୟ ୨୨ ଭାଷା ପାଇଁ ମଧ୍ୟ ପୁରସ୍କାର ପ୍ରଦାନ କରାଯାଇଛି।



କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପକ୍ଷରୁ ୨୦୨୨ ମସିହା ପାଇଁ ଓଡ଼ିଆ ଭାଷାରେ କବି ଡ. ଗାୟତ୍ରୀବାଳା ପଣ୍ଡାଙ୍କ କବିତା ସଂକଳନ ଦୟାନଦୀକୁ ପୁରସ୍କାର ପାଇଁ ମନୋନୀତ କରାଯାଇଥିଲା। କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କୃତ କବିତା ସଂକଳନ ଦୟାନଦୀ ୨୦୧୭ ରେ ପକ୍ଷୀଘର ପ୍ରକାଶନ ସଂସ୍ଥା ଦ୍ୱାରା ପ୍ରକାଶ ପାଇଥିଲା। କବିତା ସଂକଳନ ଦୟାନଦୀ କଳିଙ୍ଗ ଯୁଦ୍ଧ ଉପରେ ଆ।ଧାରିତ ଏଥିରେ ଉତ୍ସର୍ଗ ଓ ପରିଶିଷ୍ଟକୁ ମିଶେଇ ୬୪ଟି କବିତା ରହିଛି। ଯୁଦ୍ଧର ସମସ୍ତ ବିଭୀଷିକା, ସମସ୍ତ ସ୍ପର୍ଦ୍ଧା ଓ ସମସ୍ତ ଅହଂକାର ଭିତରେ କେବଳ ଗୋଟିଏ ଅନୁଚ୍ଚାରିତ ସ୍ୱର ହିଁ ଗୁଂଜରିତ ହୁଏ, ତାହା ହେଉଛି ପରାଜୟର।

ଏତଦବ୍ୟତୀତ ହିନ୍ଦୀ ଭାଷାରେ ପାଞ୍ଚଟି କବିତା ସଂକଳନ ଓ ଇଂରାଜୀ ଭାଷାରେ ଦୁଇଟି କବିତା ସଂକଳନ, ଗୋଟିଏ ଗଳ୍ପ ସଂକଳନ ପ୍ରକାଶ ପାଇଛି। କବିତା ସଂକଳନଗୁଡ଼ିକ ହେଲା ଆହତ ପ୍ରତିଶ୍ରୁତି, ଅସ୍ପଷ୍ଟ ଈଶ୍ୱର, ଅଣାୟତ୍ତ, ଗାଁ, ଯେତିକି ଦିଶୁଚି ଆକାଶ, ଆଖି ନାହିଁ କାନ ନାହିଁ, ଏ ରାତିର ଯେତେ ତାରା, ବାଘ, ଦୟାନଦୀ, ମହେଞ୍ଜୋଦାରୋ, ନିର୍ବାଚିତ କବିତା ଓ ପ୍ରାର୍ଥନାର ଶବ୍ଦପରି ବିସର୍ଜନ ଓ ନିଜକୁ ନେଇ ସତ ଗପ ତାଙ୍କର ଦୁଇଟି ଗଳ୍ପ ସଂକଳନ। ମମ୍ମି ଯାହା ଜାଣେ ନାହିଁ, ରାସ୍ତା, ରିପୋର୍ଟର ଓ ମାୟାଜାଲ ତାଂକର ଚାରୋଟି ଉପନ୍ୟାସ ତଥା ବିଚାର ବିମର୍ଶ ତାଂକର ପ୍ରବନ୍ଧ ସଂକଳନ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କାର ପାଇବା ପୂର୍ବରୁ ଗାୟତ୍ରୀବାଳା ୨୦୧୧ରେ କବିତା ସଂକଳନ ଗାଁ ପାଇଁ ପ୍ରଥମ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ଯୁବ ପୁରସ୍କାର ପାଇଥିଲେ।